# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 36 CUTTACK, FRIDAY, JANUARY 1, 2016/PAUSA 11, 1937**

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 28 ଅଗଷ୍ଟ 2015

ସଂଖ୍ୟା 25103—RDM-LAA-BDK-0007-2013-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ସାଳନ୍ଦୀ ସଂସ୍କାର ଯୋଜନାର ସାଳନ୍ଦୀ ନଦୀ ଖନନ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା ଗୁଜିଦରଡ଼ା, ଥାନା ଭଦ୍ରକ, ଜିଲ୍ଲା ଭଦ୍ରକରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ; ତେଣୁ ଏତଦ୍ୱାରା ଘୋଷଣା କରାଯାଉଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 5.115 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମ 1ର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 23150-ରାବିପ., ତା 18 ଜୁନ୍ 2013 ରିଖ ଏବଂ ରାଜପତ୍ର ସଂଖ୍ୟା 1234, ତା 29 ଜୁନ୍ 2013 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ଭଦ୍ରକ ଜିଲ୍ଲାପାଳଙ୍କ ଭୂ-ଅର୍ଜନ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1337—173+20